# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**26 November - 2024**

News Editor *: Itishree Singh Rathaur*

---

# ସମ୍ବିଧାନ ଗ୍ରହଣ

ଭାରତୀୟ ସମ୍ବିଧାନ ଗ୍ରହଣର ୭୫ ବର୍ଷ ପୂର୍ତ୍ତି ଆଜିଠାରୁ ବର୍ଷବ୍ୟାପୀ ପାଳନ କରାଯାଉଛି । ୧୯୪୯ମସିହା ନଭେମ୍ବର୨୬ ତାରିଖ ଭାରତୀୟ ସମ୍ବିଧାନସଭା ସମ୍ବିଧାନକୁ ଗ୍ରହଣ କରିଥିଲା । ୧୯୫୦ ମସିହା ଜାନୁଆରୀ ୨୬ ତାରିଖରେ ଏହା କାର୍ଯ୍ୟକାରୀ ହୋଇଛି । ଏଥିପାଇଁ ରାଜ୍ୟର ବିଭିନ୍ନ ପ୍ରାନ୍ତରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମର ଆୟୋଜନ କରାଯାଇଛି । ରାଜ୍ୟର ୨ ହଜାର ୨୫୦ଟି ଅମୃତ ସରୋବର କୂଳରେ ସମ୍ବିଧାନର ମୁଖବନ୍ଧ ପଢ଼ିବାକୁ ଯୋଜନା ପ୍ରସ୍ତୁତ କରାଯାଇଛି । ଓଡ଼ିଆରେ ଲେଖାଥିବା ସମ୍ବିଧାନ ମୁଖବନ୍ଧ ପଢ଼ିବାକୁ ପଞ୍ଚାୟତିରାଜ ବିଭାଗ ପକ୍ଷରୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ସ୍କୁଲ୍ ଗୁଡ଼ିକରେ ସମ୍ବିଧାନ ଗ୍ରହଣ ଦିବସ ପାଳନ ନେଇ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସଚେତନତା କାର୍ଯ୍ୟକ୍ରମ ଏବଂ ବିଭିନ୍ନ ପ୍ରତିଯୋଗିତା ଆୟୋଜନ କରିବାକୁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ଜିଲ୍ଲା ଶିକ୍ଷା ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି ।

---

# ବିଧାନସଭା

ବିଧାନସଭାର ଶୀତକାଳୀନ ଅଧିବେଶନ ଆଜିଠାରୁ ଆରମ୍ଭ ହେଉଛି । ପ୍ରଥମ ଦିନରେ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ପ୍ରଥମ ଅତିରିକ୍ତ ବଜେଟକୁ ମୁଖ୍ୟମନ୍ତ୍ରୀ ତଥା ଅର୍ଥମନ୍ତ୍ରୀ ମୋହନ ଚରଣ ମାଝୀ ଆଗତ କରିବେ । ସପ୍ତଦଶ ବିଧାନସଭାର ଏହି ଦ୍ୱିତୀୟ ଅଧିବେଶନ ଆସନ୍ତାମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବାକୁ କାର୍ଯ୍ୟସୂଚୀ ସ୍ଥିର ହୋଇଛି । ଏଥିରେ ୩୦ଟି କାର୍ଯ୍ୟଦିବସ ରହିଛି । ଆସନ୍ତାମାସ ୫ ତାରିଖରେ ବ୍ୟୟ ମଂଜୁରୀ ବିଲ୍ ଉପସ୍ଥାପନ କରାଯିବ ।

# ପ୍ରଧାନମନ୍ତ୍ରୀଙ୍କ ଓଡ଼ିଶା ଗସ୍ତ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୯ ତାରିଖଠାରୁ ୩ ଦିନିଆ ଓଡ଼ିଶା ଗସ୍ତରେ ଆସୁଛନ୍ତି । ଭୁବନେଶ୍ୱରଠାରେ ଆୟୋଜନ ହେବାକୁ ଥିବା ପୁଲିସ୍ ମହାନିର୍ଦ୍ଦେଶକଙ୍କ ସମ୍ମିଳନୀରେ ପ୍ରଧାନମନ୍ତ୍ରୀ ଯୋଗଦେବାର କାର୍ଯ୍ୟସୂଚୀ ରହିଛି । ଓଡ଼ିଶାରେ ପ୍ରଥମଥର ପାଇଁ ଆୟୋଜିତ ହେଉଥିବା ଏହି ସମ୍ମିଳନୀରେ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ଏବଂ ଜାତୀୟ ସୁରକ୍ଷା ପରାମର୍ଶଦାତା ଅଜିତ ଡୋଭାଲ୍ ପ୍ରମୁଖ ଯୋଗଦେବେ । ଆତଙ୍କବାଦ ମୁକାବିଲା, ସାଇବର ଅପରାଧ, ଜେଲ୍ ସଂସ୍କାର, ଆଭ୍ୟନ୍ତରୀଣ ସୁରକ୍ଷା ଆଦି ପ୍ରସଙ୍ଗ ଉପରେ ଏହି ସମ୍ମିଳନୀରେ ଆଲୋଚନା ହେବ ।

## କେନ୍ଦ୍ରମନ୍ତ୍ରୀ

ନବସୃଜନ ଏବଂ ପ୍ରଯୁକ୍ତିବିଦ୍ୟାର ଉପଯୋଗ ମାଧ୍ୟମରେ ଶିକ୍ଷକଙ୍କର ନିରନ୍ତର ଦକ୍ଷତା ବିକାଶ ଉପରେ ସରକାର ଗୁରୁତ୍ୱ ଦେଉଛନ୍ତି ବୋଲି କେନ୍ଦ୍ରଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ କହିଛନ୍ତି । ଜାତୀୟ ଶିକ୍ଷାନୀତି ଆଧାରରେ ଛାତ୍ରଛାତ୍ରୀଙ୍କ ଆବଶ୍ୟକତାକୁ ଦୃଷ୍ଟିରେ ରଖି ପ୍ରଯୁକ୍ତିବିଦ୍ୟା ଉପଯୋଗ ଉପରେ ପ୍ରଧାନ୍ୟ ଦିଆଯାଉଛି ବୋଲି ମନ୍ତ୍ରୀ କହିଛନ୍ତି । 'ଦି ଟିଚର ଆପ୍'ର ଶୁଭାରମ୍ଭ କରିବା ସହିତ **ଶିକ୍ଷକଙ୍କ ଉନ୍ନତିରେ ଭାରତର ଉନ୍ନତି** ଶୀର୍ଷକ ଆଲୋଚନାରେ ମନ୍ତ୍ରୀ ଶ୍ରୀ ପ୍ରଧାନ ଅଂଶ ଗ୍ରହଣ କରିଥିଲେ ।

## ବିରଜା ମନ୍ଦିର-ମୁଖ୍ୟମନ୍ତ୍ରୀ

ଯାଜପୁର ବିରଜା ମନ୍ଦିର ଏବଂ ପାରିପାର୍ଶ୍ୱିକ ଉନ୍ନୟନ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ନିର୍ଦ୍ଧାରିତ ସମୟରେ ଶେଷ କରିବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ଦ୍ଦେଶ ଦେଇଛନ୍ତି । ସେ କହିଛନ୍ତି ଏହି ପ୍ରାଚୀନ ଶକ୍ତିପୀଠର ଉନ୍ନତିକରଣ ପାଇଁ ସରକାର ପ୍ରତିଶ୍ରୁତିବଦ୍ଧ । ଆବଶ୍ୟକସ୍ଥଳେ ଏଥିପାଇଁ ନୂତନ ପ୍ରକଳ୍ପ କାର୍ଯ୍ୟକାରୀ କରାଯିବ  ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ପ୍ୟାନ୍

ଆୟକର ବିଭାଗର **ପାନ୍ ୨ ଦଶମିକ ଶୂନ୍** ପ୍ରକଳ୍ପକୁ ଅର୍ଥନୈତିକ ବ୍ୟାପାର ସଂକ୍ରାନ୍ତ କେନ୍ଦ୍ର କ୍ୟାବିନେଟ୍ କମିଟି ଅନୁମୋଦନ କରିଛି । କେନ୍ଦ୍ର

ସୂଚନା ଓ ପ୍ରସାରଣ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଛନ୍ତି କ୍ୟୁଆର୍ କୋଡ୍ ସହିତ ପ୍ୟାନ୍ କାର୍ଡ ପ୍ରଦାନର ବ୍ୟବସ୍ଥା କରାଯାଉଛି । ବର୍ତ୍ତମାନ ପ୍ରଚଳିତ କାର୍ଡ ଗୁଡ଼ିକୁ ବିନାକୌଣସି ଦେୟରେ କ୍ୟୁଆର୍ କୋଡ୍‌ଯୁକ୍ତ ବ୍ୟବସ୍ଥାକୁ ଅପ୍‌ଗ୍ରେଡ୍ କରାଯିବ ବୋଲି ସେ କହିଛନ୍ତି । ଏହି ପ୍ରକଳ୍ପ ପାଇଁ ୧ ହଜାର ୪୩୫ କୋଟି ଟଙ୍କାର ବ୍ୟୟ ଅଟକଳ କରାଯାଇଛି ।

## ଜମି ବିକ୍ରି

ଜମି ବିକ୍ରି ସଂକ୍ରାନ୍ତ ଆଇନଗତ ସମସ୍ୟାର ସମାଧାନ କରାଯାଇ ଏହାକୁ ଅଧିକ ସରଳୀକରଣ କରାଯିବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ଏ ସଂକ୍ରାନ୍ତ ସମୀକ୍ଷା ବୈଠକରେ ଯୋଗଦେଇ ଶ୍ରୀ ପୂଜାରୀ ସପ୍ତାହକ ମଧ୍ୟରେ ସଂଶୋଧନ ପ୍ରସ୍ତାବ ସଂପର୍କିତ ରିପୋର୍ଟ ଦାଖଲ କରିବାକୁ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ବୈଠକରେ ରେରା ଆଇନ୍, ଉନ୍ନୟନ ଆଇନ ଏବଂ ଆଞ୍ଚଳିକ କର୍ତ୍ତୃପକ୍ଷ ଆଇନ ଗୁଡ଼ିକ ଉପରେ ବିସ୍ତୃତ ଆଲୋଚନା ହୋଇଛି । ବୈଠକରେ ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ର ଯୋଗ ଦେଇଥିଲେ ।

## ରାସ୍ତା ନିର୍ମାଣ

ଆସନ୍ତା ୫ ବର୍ଷ ମଧ୍ୟରେ ରାଜ୍ୟରେ ୩୦ ହଜାର କିଲୋମିଟର ଗ୍ରାମ୍ୟ ରାସ୍ତା ନିର୍ମାଣ ପାଇଁ ଲକ୍ଷ୍ୟ ରଖାଯାଇଛି ବୋଲି ଗ୍ରାମ୍ୟ ଉନ୍ନୟନ ମନ୍ତ୍ରୀ ରବିନାରାୟଣ ନାୟକ ସୂଚନା ଦେଇଛନ୍ତି । ଭୁବନେଶ୍ୱର ଲୋକସେବା

ଭବନରେ ବିଭାଗୀୟ ସମୀକ୍ଷା ବୈଠକରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ନାୟକ ରାସ୍ତା ନିର୍ମାଣ ସମୟରେ ଗୁଣବତ୍ତା ବଜାୟ ରଖିବା ଉପରେ ଗୁରୁତ୍ୱ ଦେଇଛନ୍ତି । ରାଜ୍ୟର ବିଭିନ୍ନ ଅଞ୍ଚଳକୁ ଗମନାଗମନ ବ୍ୟବସ୍ଥାକୁ ସୁଗମ କରିବା ନେଇ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି ।

---

## ଜୟନ୍ତୀ

ପୂର୍ବତନ ମୁଖ୍ୟମନ୍ତ୍ରୀ ସ୍ୱର୍ଗତ ବୀରେନ ମିତ୍ରଙ୍କ ଜୟନ୍ତୀ ଆଜି ପାଳନ କରାଯାଉଛି । ଏହି ଅବସରରେ ସନ୍ଧ୍ୟାରେ ଭୁବନେଶ୍ୱର ଜୟଦେବ ଭବନଠାରେ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ବାଚସ୍ପତି ସୁରମା ପାଢ଼ୀ ଯୋଗଦେବେ । ସମ୍ବିଧାନ ଦିବସ ପାଳନ ଅବସରରେ ଆୟୋଜିତ ବକ୍ତୃତା ଏବଂ କୁଇଜ୍ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିବେ ।

---

## ମହକ

ରାଜ୍ୟସ୍ତରୀୟ ଶିଶୁ ମହୋତ୍ସବ **ମହକ ଉତ୍ସାହ-୨୦୨୪** ଆଜିଠାରୁ ଆରମ୍ଭ ହେଉଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ  କଳିଙ୍ଗଷ୍ଟାଡ଼ିୟମଠାରେ ଏହାର ଉଦ୍‌ଘାଟନ କରିବାର କାର୍ଯ୍ୟସୂଚୀ ରହିଛି । ଓଡ଼ିଶା ରାଜ୍ୟ ଶିଶୁ ସୁରକ୍ଷା ସମିତି ଏବଂ ମହିଳା ଓ ଶିଶୁ ବିକାଶ ବିଭାଗ ଆନୁକୂଲ୍ୟରେ ଏହି ମହୋତ୍ସବ **ମହକ** ଏବଂ **ଉତ୍ସାହ** ଏହିଭଳି ଦୁଇଟି ପର୍ଯ୍ୟାୟରେ ଅନୁଷ୍ଠିତ ହେବ । ପ୍ରଥମ ପର୍ଯ୍ୟାୟରେ ସାଂସ୍କୃତିକ ପ୍ରତିଯୋଗିତା ଏବଂ ଦ୍ୱିତୀୟ ପର୍ଯ୍ୟାୟରେ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହେବ ।

---